# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**14 July – 2025**

********************************

# ରାଷ୍ଟ୍ରପତି-ଏମ୍ସ୍

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆଜି ଦୁଇଦିନିଆ ଓଡିଶା ଗସ୍ତରେ ଆସି ଅପରାହ୍ଣରେ ଭୁବନେଶ୍ୱରରେ ପହଞ୍ଚିବେ । ଏହି ଅବସରରେ ରାଷ୍ଟ୍ରପତି ଭୁବନେଶ୍ୱର ଏବଂ କଟକର ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବେ । ଆଜି ରାଷ୍ଟ୍ରପତି ଭୁବନେଶ୍ୱରସ୍ଥିତ ଅଖିଳ ଭାରତୀୟ ଆୟୁର୍ବିଜ୍ଞାନ ସଂସ୍ଥାନ-ଏମ୍ସର ପଞ୍ଚମ ସମାବର୍ତ୍ତନ ସମାରୋହରେ ଯୋଗଦେବେ। ରାଷ୍ଟ୍ରପତି ମୁର୍ମୁ ଚଳିତବର୍ଷ ୬୪୩ ଜଣ ସ୍ୱାସ୍ଥ୍ୟସେବା ବୃତ୍ତିଧାରୀଙ୍କୁ ଡିଗ୍ରୀ ପ୍ରଦାନ କରିବେ। ଏହାସହ ୩୧ ଜଣ ମେଧାବୀ ଛାତ୍ରଛାତ୍ରୀଙ୍କୁ ମଧ୍ୟ ସ୍ୱର୍ଣ୍ଣପଦକ ପ୍ରଦାନ କରାଯିବ। କାର୍ଯ୍ୟକ୍ରମରେ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ସମେତ ବହୁ ବରିଷ୍ଠ ନେତୃମଣ୍ଡଳୀ ଉପସ୍ଥିତ ରହିବେ ବୋଲି ଏମ୍ସର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରଫେସର ଡାକ୍ତର ଆଶୁତୋଷ ବିଶ୍ୱାସ ସୂଚନା ଦେଇଛନ୍ତି ।

ଆସନ୍ତାକାଲି ପୂର୍ବାହ୍ନରେ କଟକ ରେଭେନ୍ସା ବିଶ୍ୱବିଦ୍ୟାଳୟର ତ୍ରୟୋଦଶ ବାର୍ଷିକ ସମାବର୍ତ୍ତନ ଉତ୍ସବରେ ଅତିଥି ଭାବରେ ଯୋଗଦାନ କରିବା ସହ ରାଷ୍ଟ୍ରପତି ରେଭେନ୍ସା ବାଳିକା ଉଚ୍ଚବିଦ୍ୟାଳୟର ୩ଟି ଅଟ୍ଟାଳିକାର ପୁର୍ନବିକାଶ ପ୍ରକଳ୍ପର ଶିଳାନ୍ୟାସ କରିବେ। ଏହାପରେ ଆଦିକବି ସାରଳା ଦାସଙ୍କ ଜନ୍ମବାର୍ଷିକୀ ସମାରୋହରେ ଯୋଗଦେବା ସହ କଳିଙ୍ଗ ରତ୍ନ ପୁରସ୍କାର-୨୦୨୪ ପ୍ରଦାନ କରିବାର

କାର୍ଯ୍ୟସୂଚୀ ରହିଛି । ରାଷ୍ଟ୍ରପତିଙ୍କ ଗସ୍ତ ସମୟରେ ଗ୍ରହଣ କରାଯାଇଥିବା ସୁରକ୍ଷା ବ୍ୟବସ୍ଥା ସମ୍ପର୍କରେ କଟକ ଡିସିପି ରିଷିକେଶ ଖିଲାରୀ କହିଛନ୍ତି...

**V/O...**

# ରେଳ ବଗିରେ ସିସିଟିଭି

ଯାତ୍ରୀ ସୁରକ୍ଷାରେ ଉନ୍ନତି ଆଣିବା ଏବଂ ଟ୍ରେନ୍‌ରେ ଅପରାଧ ରୋକିବା ଉଦ୍ଦେଶ୍ୟରେ ସମସ୍ତ ୭୪ହଜାର ଟ୍ରେନ୍ ବଗି ଏବଂ ୧୫ହଜାର ଲୋକମୋଟିଭରେ ସିସିଟିଭି କ୍ୟାମେରା ଲଗାଯିବ । ଏଥିଲାଗି ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଅନୁମତି ପ୍ରଦାନ କରିଛନ୍ତି । ପ୍ରତ୍ୟେକ ରେଳବଗିରେ ୪ଟି ଡୋମ ସିସିଟିଭି ଏବଂ ପ୍ରବେଶ ପଥରେ ୨ଟି ଓ ଲୋକମୋଟିଭରେ ୬ଟି ସିସିଟିଭି କ୍ୟାମେରା ଲଗାଯିବ । ଏହାଦ୍ୱାରା ଅପରାଧିକ ତତ୍ତ୍ୱମାନଙ୍କୁ ଚିହ୍ନଟ କରିବା ସହଜ ହେବ ବୋଲି କୁହାଯାଇଛି ।

# ମୁଖ୍ୟମନ୍ତ୍ରୀ-ଜନଅଭିଯୋଗ ଶୁଣାଣି

ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆଜି ବନ୍ଦ ରହିବ। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ଗଣମାଧ୍ୟମ ଜରିଆରେ ଜଣାଇ ଦିଆଯିବ ବୋଲି ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ମନ୍ଦିର ସୁରକ୍ଷା-ଆଇନ୍ ମନ୍ତ୍ରୀ

ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କଟକ ଜିଲ୍ଲା ଅନ୍ତର୍ଗତ ମା' କଟକଚଣ୍ଡୀ, ନୀଳମାଧବ, ମା'ଚର୍ଚ୍ଚିକା, ଧବଳେଶ୍ୱର ଓ ଗୋପୀନାଥଜୀଉ ମନ୍ଦିର ଉନ୍ନୟନ ପ୍ରକଳ୍ପର ସମୀକ୍ଷା କରିଛନ୍ତି । ରାଜ୍ୟ ଅତିଥି ଭବନରେ ଅନୁଷ୍ଠିତ ବୈଠକରେ ମନ୍ତ୍ରୀ ଶ୍ରୀ ହରିଚନ୍ଦନ କଟକ ଚଣ୍ଡୀ ମନ୍ଦିର ସମେତ ନେମାଳସ୍ଥିତ ଅଚ୍ୟୁତାନନ୍ଦ ଗାଦି, ଗୋପୀନାଥଜୀଉ ମନ୍ଦିର, ନୀଳମାଧବ ଓ ଧବଳେଶ୍ୱରରେ ନିର୍ମାଣ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ସହ ପୁରାତନ ବୃକ୍ଷରାଜିର ସୁରକ୍ଷା ଉପରେ ଗୁରୁତ୍ୱ ଦେଇଛନ୍ତି ।

## ବାର୍ଡ ଫ୍ଲୁ

ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିକାଶ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ପୁରୀ ଜିଲ୍ଲା ଡେଲାଙ୍ଗ ବାର୍ଡଫ୍ଲୁ ପ୍ରଭାବିତ ଅଞ୍ଚଳ ଗସ୍ତ କରି ସ୍ଥିତି ଅନୁଧ୍ୟାନ କରିଛନ୍ତି । ବାର୍ଡ ଫ୍ଲୁ ଦ୍ୱାରା କ୍ଷତିଗ୍ରସ୍ତ କୁକୁଡା ଚାଷୀମାନଙ୍କୁ କ୍ଷତିପୂରଣ ପ୍ରଦାନ ନେଇ ପଦକ୍ଷେପ ନିଆଯିବ ବୋଲି ମନ୍ତ୍ରୀ ଶ୍ରୀ ମଲ୍ଲିକ କହିଛନ୍ତି । ଗତ ଦୁଇଦିନ ମଧ୍ୟରେ ୫ଟି ଟିମ୍ ପ୍ରଭାବିତ ଅଞ୍ଚଳରେ ୬ହଜାର ୭୩୧ଟି କୁକୁଡ଼ା ନଷ୍ଟ କରିଥିବା ଜଣାପଡିଛି । ନିକଟବର୍ତ୍ତୀ ଅଞ୍ଚଳ ଗୁଡ଼ିକୁ ଯେଭଳି ଫ୍ଲୁ ନବ୍ୟାପିବ ସେନେଇ ପ୍ରଶାସନ ପକ୍ଷରୁ ସତର୍କତା ଅବଲମ୍ବନ କରାଯାଉଛି ।

## ବିଧାନସଭା ଷ୍ଟାଣ୍ଡିଂ କମିଟି

ବିଧାନସଭା ଷ୍ଟାଣ୍ଡିଂ କମିଟି ଆଜି ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ଗସ୍ତରେ ଯିବେ । ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ଦେଇଥିବା ସୂଚନା ଅନୁଯାୟୀ ଏହି କମିଟି ବିଶ୍ୱ ବିଦ୍ୟାଳୟର ବିଭିନ୍ନ ଆବଶ୍ୟକତା ଉପରେ ସମୀକ୍ଷା କରିବା ସହ ଛାତ୍ରଛାତ୍ରୀ, ଅଧ୍ୟାପକ ଏବଂ କର୍ମଚାରୀଙ୍କ ସହ ମତ ବିନିମୟ କରିବାକୁ କାର୍ଯ୍ୟସୂଚୀ ରହିଛି । ଏହା ପରେ କମିଟି ତାଙ୍କ ରିପୋର୍ଟ ସରକାରଙ୍କୁ ପ୍ରଦାନ କରିବେ ।

## ଆଖଣ୍ଡଳମଣୀ-ଜଳାଭିଷେକ

ଶ୍ରାବଣ ମାସର ପ୍ରଥମ ସୋମବାରରେ ଆଜି ଭଦ୍ରକ ଜିଲ୍ଲା ଆରଡିର ବାବା ଆଖଣ୍ଡଳମଣୀଙ୍କ ପୀଠରେ ଶତାଧିକ କାଉଡିଆ ଭକ୍ତ ବଡ଼ି ଭୋର୍‌ରୁ ଜଳାଭିଷେକ କରିଛନ୍ତି । ଜିଲ୍ଲା ପ୍ରଶାସନ ପକ୍ଷରୁ ଶୃଙ୍ଖଳିତ ଦର୍ଶନ ଏବଂ ଜଳ ଅର୍ପଣ ସକାଶେ ତ୍ରିସ୍ତରୀୟ ସୁରକ୍ଷା ବ୍ୟବସ୍ଥା କରାଯାଇଛି । ନଦୀ ଘାଟରେ ଓଡ୍ରାଫ, ଦମକଳ ଏବଂ ୧୧ ପ୍ଲାଟୁନ ପୋଲିସ ମୁତୟନ କରାଯାଇଛି ।

## ମଧ୍ୟସ୍ଥତା ଅଭିଯାନ

ମାମଲା ଗୁଡ଼ିକର ଆପୋଷ ସମାଧାନ ପାଇଁ ସୁବର୍ଣ୍ଣପୁର ଜିଲ୍ଲା ଆଇନ୍‌ସେବା ପ୍ରାଧିକରଣ ପକ୍ଷରୁ ବିଶେଷ ମଧ୍ୟସ୍ଥତା ଅଭିଯାନ ଅନୁଷ୍ଠିତ ହେବ । ସାରା ଦେଶରେ ଚଳିତମାସ ଏକ ତାରିଖରୁ ଆରମ୍ଭ ହୋଇଥିବା ଏହି ଅଭିଯାନ ଆସନ୍ତା ସେପ୍ଟେମ୍ବର ୩୦ ତାରିଖ ପର୍ଯ୍ୟନ୍ତ ଚାଲିବ । ଅଦାଲତରେ ମାମଲାର

ବିଚାର ନକରି ଏକ ନିରପେକ୍ଷ ତୃତୀୟ ପକ୍ଷଙ୍କ ସହାୟତାରେ ସମାଧାନର ପନ୍ଥା ବାହାରିପାରିବ ବୋଲି ଜିଲ୍ଲା ଆଇନ୍‌ସେବା ପ୍ରାଧିକରଣ ପକ୍ଷରୁ କୁହାଯାଇଛି ।

## ପତ୍ରମାଧ୍ୟମ ଶିକ୍ଷା - ନାମଲେଖା

ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ପତ୍ରମାଧ୍ୟମ ଶିକ୍ଷା ପାଠ୍ୟକ୍ରମ ୨୦୨୫-୨୬ ବର୍ଷରେ ନାମ ଲେଖାଇବାପାଇଁ ଆଜିଠାରୁ ଆବେଦନ ପ୍ରକ୍ରିୟା ଆରମ୍ଭ ହେଉଛି । ଏହି ପାଠ୍ୟକ୍ରମ ସମ୍ବନ୍ଧୀୟ ସମସ୍ତ ତଥ୍ୟ ମାଧ୍ୟମିକ ଶିକ୍ଷା ପରିଷଦ ୱେବ୍‌ସାଇଟ୍‌ରେ ଉପଲବ୍ଧ ହେଉଛି ।

# ପାଣିପାଗ

ରାଜ୍ୟର ବିଭିନ୍ନ ସ୍ଥାନରେ ସାମାନ୍ୟରୁ ମଧ୍ୟମ ଧରଣର ବର୍ଷା ହୋଇଯାଇଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବଜ୍ରପାତ ସହ ପ୍ରବଳ ବର୍ଷା ନେଇ ୧୯ଟି ଜିଲ୍ଲାକୁ ଭୁବନେଶ୍ୱର ସ୍ଥିତ ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି। ମୟୂରଭଞ୍ଜ, କେନ୍ଦୁଝର, ସୁନ୍ଦରଗଡ଼, ସମ୍ବଲପୁର, ଝାରସୁଗୁଡା ଓ ବରଗଡ ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବାନେଇ ପାଣିପାଗ ବିଭାଗ ପୂର୍ବାନୁମାନ କରିଛି ।

ହୀରାକୁଦ ଜଳଭଣ୍ଡାରରେ ସକାଳ ୬ଟା ସୁଦ୍ଧା ଜଳସ୍ତର ୬୦୬ ଦଶମିକ ୮/୭ ଫୁଟ ରହିଛି। ଜଳଭଣ୍ଡାର ମଧ୍ୟକୁ ପ୍ରତି ସେକେଣ୍ଡରେ ୧ ଲକ୍ଷ ୧୬ ହଜାର ୪୫୬ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ୯୬ ହଜାର ୩୯ ଘନଫୁଟ ଜଳ ୪ଟି ସ୍ଲୁଇସ୍ ଗେଟ୍ ଦେଇ ମହାନଦୀକୁ ନିଷ୍କାସିତ ହେଉଛି।